# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ଟ୍ୟାକ୍ସେସନ୍, ଫାଇନାନ୍ସ ଆଣ୍ଡ୍ ଆକାଉଂଟ୍ସ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା ୧୪.୦୩.୨୦୨୩ ରିଖ

ସମୟ-ଅପରାହ୍ନ ଘ.୪.୦୦ ଟିକା
ସ୍ଥାନ- BMC-ICOMC ର ତଳ ମହଲା
ସ୍ଥିତ, କ୍ଷୁଦ୍ର ସଭାକକ୍ଷ

ଉପସ୍ଥିତ ସଭ୍ୟ/ସଭ୍ୟା:-

୧. ଶ୍ରୀମତୀ ପ୍ରୀତିନନ୍ଦା ରାଉତରାୟ, ଚେୟାର୍‌ପର୍ସନ୍,
୨. ଶ୍ରୀ ରାଜକିଶୋର ଦାସ,
୩. ଶ୍ରୀ ଶିବ ପ୍ରସାଦ ବେହେରା,
୪. ଶ୍ରୀ ଚନ୍ଦ୍ରଶେଖର ମଲିଆ,
୫. ଶ୍ରୀମତୀ ଯଶୋଧାରା ପ୍ରଧାନ,
୬. ଶ୍ରୀମତୀ ଅଲିଅଳି ମଲ୍ଲିକ୍,
୭. ଅସିୟା ବେଗମ୍

ଅଦ୍ୟ ତା ୧୪.୦୩.୨୦୨୩ ରିଖ ଅପରାହ୍ନ ଘ.୪.୦୦ ଟିକା ସମୟରେ BMC-ICOMC ର ତଳ ମହଲା (LG Floor) ସ୍ଥିତ, କ୍ଷୁଦ୍ର ସଭାକକ୍ଷ (Mini Conference Hall) ରେ ଭୁବନେଶ୍ୱର ମହାନଗର ନିଗମର ଟ୍ୟାକ୍ସେସନ୍, ଫାଇନାନ୍ସ ଆଣ୍ଡ୍ ଆକାଉଂଟ୍ସ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀମତୀ ପ୍ରୀତିନନ୍ଦା ରାଉତରାୟ ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମାଂଚଳରେ ଏୟାରଟେଲ୍ ସଂସ୍ଥା ପ୍ରତ୍ୟେକ ଓ୍ୱାର୍ଡରେ ଖୁଂଟ ସ୍ଥାପନ କରିଅଛି, ସେଥିପାଇଁ ସେ ଭୁବନେଶ୍ୱର ମହାନଗର ନିଗମକୁ କେତେ ଅର୍ଥ ପଇଠ କରିଛନ୍ତି ତାହାର ତଥ୍ୟ ସମ୍ପୃକ୍ତ ଓ୍ୱାର୍ଡ କର୍ପୋରେଟରଙ୍କୁ ଦେବାପାଇଁ ଉପ ଆୟୁକ୍ତ, ରାଜସ୍ୱଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୨). ଭୁବନେଶ୍ୱର ମହାନଗର ନିଗମାଂଚଳରେ ଥିବା ବ୍ୟବସାୟିକ ଗୃହ ଗୁଡ଼ିକୁ ହୋଲ୍ଡିଂ ଟ୍ୟାକ୍ସ ପାଇଁ Re-Assessment କରିବା ଏବଂ କେଉଁ ଓ୍ୱାର୍ଡରେ କେତେ ଗୋଟି ବ୍ୟବସାୟିକ ଗୃହ ଅଛି ତାହାର ତଥ୍ୟ ସମ୍ପୃକ୍ତ ଓ୍ୱାର୍ଡ କର୍ପୋରେଟରଙ୍କୁ ଦେବାପାଇଁ ଉପ ଆୟୁକ୍ତ, ରାଜସ୍ୱଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୫.୪୦ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/-ପ୍ରୀତିନନ୍ଦା ରାଉତରାୟ
ସଭାପତି
ତା ୧୪.୦୩.୨୦୨୩ ରିଖ